ଓଁ ଶ୍ରୀ ଗଣେଶାୟ୍ ନମଃ

ପ୍ରାଚୀନ ଭାରତୀୟ ବୈଦିକ ସାହିତ୍ୟ

Vedic Literature of Ancient India

# ଉପନିଷଦ

(ଉପନିଷତ୍)

Upanishad / उपनिषत्

## ୧୦୮ ଉପନିଷଦ (ଭାଗ - ୧)

108 Upanishad (Part – 1)

## ସଂପାଦନ - ଶ୍ରୀ ପ୍ରକାଶ ପ୍ରଧାନ

Editor – Prakash Pradhan

## ଭାଷା - ସଂସ୍କୃତ-ଓଡିଆ

Language – Sanskrit - Odia

ଉପଦେଷ୍ଟା

## ପଣ୍ଡିତ ଶ୍ରୀ ସନ୍ତୋଷ କୁମାର ମିଶ୍ର

ସଂପାଦକ, ହିନ୍ଦୁ ମହାସଭା, ଓଡ଼ିଶା ଶାଖା

# ବେଦ ଉପନିଷଦ

ଉପନିଷଦ ଗୁଡିକ 'ବେଦ ଯୁଗ'ର ଶେଷ ଆଡ଼କୁ ରଚନା କରାଯାଇଥିଲା । ଉପନିଷଦ 'ଷଦ' ଶବ୍ଦରୁ ଆସିଅଛି, ଷଦ ଅର୍ଥାତ 'ବସିବା', ଏଥିରେ ପୂର୍ବରେ 'ଉପ' ଓ 'ନି' କୁ ଯୋଡା ଯାଇଛି । ଅର୍ଥାତ 'ଉପ' ର ଅର୍ଥ ପାଖରେ , 'ନି' ର ଅର୍ଥ ସମ୍ପୁର୍ଣ୍ଣ ଭାବରେ, ତେଣୁ ଉପ-ନି-ଷଦ, ଯାହାର ଅର୍ଥ ହେଲା, ସମ୍ପୁର୍ଣ୍ଣ ଭାବରେ ଗୁରୁଙ୍କ ପାଖରେ ବସିବା, ଅର୍ଥାତ ସମ୍ପୁର୍ଣ୍ଣ ସମର୍ପଣ ସହିତ ଗୁରୁଙ୍କ ପାଖରେ ବସି ବେଦର ଶେଷ ଭାଗ ଅଧ୍ୟୟନ କରିବା । **ଉପନିଷଦ**କୁ ବେଦର **ଚତୁର୍ଥ ସ୍ତର** ବା ଅଂଶ ବୋଲି କୁହାଯାଏ ।

ଯେହେତୁ ଉପନିଷଦ ଗୁଡିକ ବେଦର ଅନ୍ତ ଆଡ଼କୁ ରଚନା କରାଯାଇଥିଲା, ସେଥିପାଇଁ ଏହାକୁ '**ବେଦାନ୍ତ**' ମଧ୍ୟ କୁହାଯାଏ । ଅଧିକାଂଶ ଉପନିଷଦ ଗୁଡିକର ବିଷୟବସ୍ତୁ '**ଆତ୍ମବିଦ୍ୟା** ଓ '**ବ୍ରହ୍ମବିଦ୍ୟା** ଉପରେ ଆଧାରିତ । ଏହାକୁ ଅନେକ ଗବେଷକ ବା ପଣ୍ଡିତ ବା ଜ୍ଞାନୀମାନେ ଅନେକ ଆଖ୍ୟା ଦେଇଛନ୍ତି ଯଥା – 'ଆଦି ଶଙ୍କରାଚାର୍ଯ୍ୟ' ଏହାକୁ 'ଆତ୍ମ ଓ ବ୍ରହ୍ମବିଦ୍ୟା' କହିଛନ୍ତି, 'ମାକ୍ସ ମୁଲ୍ଲେର୍' ଓ 'ପାଉଲ୍ ଦେଉସାନ୍' ଏହାକୁ 'ଗୁପ୍ତ ଶିକ୍ଷା', ଓ 'ପାଟ୍ରିକ୍ ଓଲିଭେଲ୍ଲେ' 'ଲୁକ୍କାୟିତ ଅର୍ଥ', ବୋଲି କହିଛନ୍ତି ।

ଏହା କୁହାଯାଏ ଯେ, ଯେଉଁ ଶିଷ୍ୟ ମାନଙ୍କର ଚରିତ୍ର, ଶିକ୍ଷା ଓ ଗୁରୁଭକ୍ତି ଠିକ ରହୁଥିଲା, ସେଇମାନଙ୍କୁ କେବଳ ଉପନିଷଦ ଶିକ୍ଷା ଗ୍ରହଣ କରିବାର ସୁଯୋଗ ମିଳୁଥିଲା । ସେଇଥିପାଇଁ ଉପନିଷଦ ମାନଙ୍କୁ "**ଗୁପ୍ତ ବିଦ୍ୟା**" କୁହାଯାଏ ।

ଇତିହାସକାର ଓ ଗବେଷକ ମାନଙ୍କ ଅନୁସାରେ ବେଦରେ ସମୁଦାୟ **୧୦୮**ଟି ଉପନିଷଦ ଅଛି । ଏହିସବୁ ଉପନିଷଦ ଗୁଡିକୁ ପ୍ରତ୍ୟେକ ବେଦ ଅଧୀନରେ ସେମାନଙ୍କର ପ୍ରାଧାନ୍ୟ ଓ ବିଷୟବସ୍ତୁ ଅନୁସାରେ ବିଭକ୍ତ କରାଯାଇଛି । ବିଭକ୍ତିକରଣର ପଦ୍ଧତି ଗୁଡିକ ହେଲେ - **ମୁଖ୍ୟ, ସାମାନ୍ୟ, ସନ୍ନ୍ୟାସ, ଶାକ୍ତ, ବୈଷ୍ଣବ, ଶୈବ**, ଓ **ଯୋଗ** । ଅର୍ଥାତ ପ୍ରତ୍ୟେକ ବେଦର ମୁଖ୍ୟ, ସାମାନ୍ୟ, ସନ୍ନ୍ୟାସ, ଶାକ୍ତ, ବୈଷ୍ଣବ, ଶୈବ, ଓ ଯୋଗ ଉପନିଷଦ ଗୁଡିକ ଅଛି । (ତଳେ ଦିଆଯାଇଥିବା ଟେବୁଲରେ ଏହାର ସଂକ୍ଷିପ୍ତକରଣ ପାଇ ପାରିବେ)

ଏସବୁ ଉପନିଷଦ ଭିତରୁ **ଦଶୋପନିଷଦ,** ଅର୍ଥାତ ୧୦ଟି ଉପନିଷଦକୁ 'ମୁଖ୍ୟ ଉପନିଷଦ' ଭାବରେ ମାନନ୍ତି, ଏଥିରେ, ପରେ ଆଉ ୩ଟି ଉପନିଷଦ ଯୋଗ କରାଯାଇ ଏହାକୁ ୧୩ଟି କରିଦିଆଗଲା । ତେଣୁ **୧୩ଟି ମୁଖ୍ୟ ଉପନିଷଦ**, ସେଗୁଡିକ ହେଲେ - (ଦଶୋପନିଷଦ) - ଇଶ, କେନ, କଠ, ପ୍ରଶ୍ନ, ମୁଣ୍ଡକ, ମାଣ୍ଡୁକ୍ୟ, ତୈତ୍ତିରୀୟ, ଐତରେୟ, ଛାନ୍ଦୋଗ୍ୟ ଓ ବୃହଦାରଣ୍ୟକ, (ଅତିରିକ୍ତ) - କୌଷୀତକି, ଶ୍ୱେତାଶ୍ୱତର ଓ ମୈତ୍ରାୟଣୀୟ ।

# ବେଦ - ଉପନିଷଦ ସଂଗଠନ

| ବେଦ | ସଂଖ୍ୟା | ମୁଖ୍ୟ | ସାମାନ୍ୟ | ସନ୍ନ୍ୟାସ | ଶାକ୍ତ | ବୈଷ୍ଣବ | ଶୈବ | ଯୋଗ |
|---|---|---|---|---|---|---|---|---|
| ଋଗ୍ ବେଦ | ୧୦ | ଐତରେୟ, କୌଷୀତକି | ଆତ୍ମବୋଧ, ମୁଦ୍ଗଲ | ନିର୍ବାଣ | ତ୍ରିପୁରା, ସୌଭାଗ୍ୟଲକ୍ଷ୍ମୀ, ବହ୍ବୃଚ, | - | ଅକ୍ଷମାଳିକା | ନାଦବିନ୍ଦୁ |
| ସାମବେଦ | ୧୬ | ଛାନ୍ଦୋଗ୍ୟ, କେନ | ବଜ୍ରସୂଚୀ, ମହା, ସାବିତ୍ରୀ, | ଆରୁଣେୟ, ମୈତ୍ରେୟ, ସଂନ୍ୟାସ, କୁଣ୍ଡିକା | - | ବାସୁଦେବ, ଅବ୍ୟକ୍ତ | ରୁଦ୍ରାକ୍ଷଜାବାଲ, ଜବାଲି | ଯୋଗଚୂଡାମଣି, ଦର୍ଶନ |
| କୃଷ୍ଣ ଯଜୁର୍ବେଦ | ୩୨ | କଠ, ତୈତ୍ତିରୀୟ, ଶ୍ବେତାଶ୍ବତର, ମୈତ୍ରାୟଣୀୟ, | ସର୍ବସାର, ଶୁକରହସ୍ୟ, ସ୍କନ୍ଦ, ଗର୍ଭ, ଶାରୀରକ, ଏକାକ୍ଷର, ଅକ୍ଷି | ବ୍ରହ୍ମ, ଅବଧୂତ, କଠଶ୍ରୁତି | ସରସ୍ବତୀ ରହସ୍ୟ | ନାରାୟଣ, କଳି ସନ୍ତରଣ | କୈବଲ୍ୟ, କାଳାଗ୍ନି ରୁଦ୍ର, ଦକ୍ଷିଣାମୂର୍ତ୍ତି, ରୁଦ୍ରହୃଦୟ, ପଞ୍ଚବ୍ରହ୍ମ | ଅମୃତବିନ୍ଦୁ, ତେଜୋବିନ୍ଦୁ, ଅମୃତନାଦ, କ୍ଷୁରିକା, ଧ୍ୟାନବିନ୍ଦୁ, ବ୍ରହ୍ମବିଦ୍ୟା, ଯୋଗତତ୍ତ୍ବ, ଯୋଗଶିଖା, ଯୋଗକୁଣ୍ଡଳିନୀ, ବରାହ |
| ଶୁକ୍ଳ ଯଜୁର୍ବେଦ | ୧୮ | ଈଶ, ବୃହଦାରଣ୍ୟକ | ସୁବାଲ, ମନ୍ତ୍ରିକ, ନିରାଲମ୍ବ, ପୈଙ୍ଗଲ, ଅଧ୍ୟାତ୍ମ, ମୁକ୍ତିକା | ଜାବାଲ, ଭିକ୍ଷୁକ, ତୁରୀୟାତୀତ ଅବଧୂତ, ୟାଜ୍ଞବଲ୍କ୍ୟ, ଶାଟ୍-ୟାୟନୀୟ, | - | ତାରସାର | - | ଅଦ୍-ବୟ ତାରକ, ହଂସ, ତ୍ରିଶିଖ-ବ୍ରାହ୍ମଣ, ମଣ୍ଡଳ-ବ୍ରାହ୍ମଣ |

| ବେଦ | ସଂଖ୍ୟା | ମୁଖ୍ୟ | ସାମାନ୍ୟ | ସନ୍ୟାସ | ଶାକ୍ତ | ବୈଷ୍ଣବ | ଶୈବ | ଯୋଗ |
|---|---|---|---|---|---|---|---|---|
| ଅଥର୍ବ ବେଦ | ୩୨ | ମୁଣ୍ଡକ, ମାଣ୍ଡୁକ୍ୟ, ପ୍ରଶ୍ନ, | ଆତ୍ମା, ସୂର୍ଯ୍ୟ, ପ୍ରାଣାଗ୍ନିହୋତ୍ର | ଆଶ୍ରମ, ନାରଦପରିବ୍ରାଜକ, ପରମହଂସ, ପରମହଂସ ପରିବ୍ରଜକ, ପରଂବ୍ରହ୍ମ, | ସୀତା, ଦେବୀ, ତ୍ରିପୁରାତାପିନୀ, ଭାବନ | ନୃସିଂହ ତାପନୀୟ, ମହାନାରାୟଣ, ରାମ ରହସ୍ୟ, ରାମ ତାପନୀୟ, ଗୋପାଳ-ତାପନୀ, କୃଷ୍ଣ, ହୟଗ୍ରୀବ, ଦତ୍ତାତ୍ରେୟ, ଗରୁଡ଼ | ଅଥର୍ବସିରସ୍, ଅଥର୍ବଶିଖା, ବୃହଜ୍ଜାବାଲ, ଶରଭ, ଭସ୍ମଜାବାଲ, ଗଣପତ୍ୟର୍ଥବ ଶୀର୍ଷ | ଶାଣ୍ଡିଲ୍ୟ, ପଶୁପତିବ୍ରହ୍ମ, ମହାବାକ୍ୟ |
| ସର୍ବମୋଟ | ୧୦୮ | ୧୩ | ୨୧ | ୧୯ | ୮ | ୧୪ | ୧୩ | ୨୦ |

**ପ୍ରୀୟ ପାଠକ,**

ବିଭିନ୍ନ ସୂତ୍ରରୁ ଉପଲବ୍ଧ ଉପନିଷଦ ମାନଙ୍କ ମଧ୍ୟରେ ସାମାନ୍ୟ ଅନ୍ତର ପରିଲକ୍ଷିତ ହୋଇଥାଏ, ଏହା ଭୁଲ୍ କିମ୍ବା ତୃଟିଯୁକ୍ତ ନୁହେଁ, ଏହା କେବଳ ଭିନ୍ନ ଭିନ୍ନ ସଂସ୍କରଣ ଅଟେ । ଏହି ଉପନିଷଦ ସଂସ୍କରଣରେ ୧୯୪୮ ମସିହାରେ ପ୍ରକାଶିତ "ଇଶାଦି ବିଂଶୋତ୍ତରଶତୋପନିଷଦଃ" ପୁସ୍ତକ ବ୍ୟବହାର କରାଯାଇଛି ।

ଆମ ଜ୍ଞାନ ଅବଧିରେ, ଧ୍ୟାନ ପୂର୍ବକ ସମସ୍ତ ସାବଧାନ, ଓ ଯତ୍ନର ସହିତ ଓଡିଆରେ ରୂପାନ୍ତର କରାଯାଇଛି । ଏଥିରେ ଭୁଲ୍ ବା ତୃଟି ରହିଥାଇପାରେ, ଯଦି କିଛି ତୃଟି ରହିଯାଇଥାଏ, ତାହା ସଂପାଦକଙ୍କ ଦୃଷ୍ଟି ଗୋଚରକୁ ଆଣିବାକୁ ଅନୁରୋଧ ।

ଆଶାକରୁଛି, ଏହା ସମସ୍ତ ଓଡିଆ ଭାଷା ଭାଷୀ ଜ୍ଞାନଲିପ୍ସୁ ଜନମାନଙ୍କ କାମରେ ଆସିବ ଓ ଏହାକୁ ଅନ୍ୟମାନଙ୍କ, ତଥା ଭବିଷ୍ୟତ ପିଢି ପର୍ଯ୍ୟନ୍ତ ପହଞ୍ଚାଇ ଭାରତର ସଂସ୍କୃତି ଓ ପରମ୍ପରାକୁ ବଜାୟ ରଖିବେ ।

**ତାରିଖ - ୧୦.୦୯.୨୦୨୧**
**ଗଣେଶ ଚତୁର୍ଥୀ**

**ଶ୍ରୀ ପ୍ରକାଶ ପ୍ରଧାନ**
**ସଂପାଦକ**
ସଂସାରଫଳ, ପଚାମୁଣ୍ଡାଇ, କେନ୍ଦ୍ରାପଡା, ଓଡିଶା

# ମୁଖ୍ୟ ଉପନିଷଦ

(Principal Upanishad)

ଓଁ ଶ୍ରୀ ଗଣେଶାୟ ନମଃ

# ଈଶୋପନିଷଦ

(Ishopanishat / Ishopanishad)

**ସଂପାଦନ - ଶ୍ରୀ ପ୍ରକାଶ ପ୍ରଧାନ**

Editor – Prakash Pradhan

**ଭାଷା - ସଂସ୍କୃତ-ଓଡିଆ**

Language – Sanskrit - Odia

**ଶୁଦ୍ଧିକରଣ (**Proofreading by)

ଶ୍ରୀମତୀ ସସ୍ମିତା ମହାପାତ୍ର

ଅଧ୍ୟାପକ ଶ୍ରୀ ଅରୁଣ କୁମାର ଦାଶ



## ଶ୍ରୀ ପ୍ରକାଶ ପ୍ରଧାନ

ସଂପାଦକ
prakash@scholarshoppe.com

## ଶୁଦ୍ଧିକରଣ





**ଶ୍ରୀମତୀ ସସ୍ମିତା ମହାପାତ୍ର**
ସମ୍ପାଦିକା - "ପ୍ରତିଶ୍ରୁତି"
ଭୁବନେଶ୍ୱର, ଓଡିଶା
mohapatrasasmita89@yahoo.in

**ଅଧ୍ୟାପକ ଶ୍ରୀ ଅରୁଣ କୁମାର ଦାଶ**
ସଂସାରଫଳ, ପଟ୍ଟାମୁଣ୍ଡାଇ,
କେନ୍ଦ୍ରାପଡା, ଓଡିଶା
dasharun609@gmail.com

# ଇଶାବାସ୍ୟୋପନିଷତ୍ / ଇଶୋପନିଷତ୍ / ଇଶା ଉପନିଷଦ୍

## ।। ଅଥଃ ଇଶୋପନିଷତ୍ ।।

ଓଁ ପୂର୍ଣ୍ଣମଦଃ ପୂର୍ଣ୍ଣମିଦଂ ପୂର୍ଣ୍ଣାତ୍-ପୂର୍ଣ୍ଣମୁଦଚ୍ୟତେ ।
ପୂର୍ଣ୍ଣସ୍ୟ ପୂର୍ଣ୍ଣମାଦାୟ ପୂର୍ଣ୍ଣମେବାବଶିଷ୍ୟତେ ।।

ଓଁ ଶାନ୍ତିଃ ଶାନ୍ତିଃ ଶାନ୍ତିଃ ।।

ଓଁ ଇଶା ବାସ୍ୟମିଦଂ ସର୍ବଂ ଯତ୍କିଂଚ ଜଗତ୍ୟାଂ ଜଗତ୍ ।
ତେନ ତ୍ୟକ୍ତେନ ଭୁଞ୍ଜୀଥା ମା ଗୃଧଃ କସ୍ୟ ସ୍ୱିଦ୍ଧନମ୍ ।। ୧।।

କୁର୍ବନ୍ନେବେହ କର୍ମାଣି ଜିଜୀବିଷେଚ୍ଛତଂ ସମାଃ ।
ଏବଂ ତ୍ୱୟି ନାନ୍ୟଥେତୋଽସ୍ତି ନ କର୍ମ ଲିପ୍ୟତେ ନରେ ।। ୨।।

ଅସୁର୍ଯ୍ୟା ନାମ ତେ ଲୋକା ଅନ୍ଧେନ ତମସାବୃତାଃ ।
ତାଂସ୍ତେ ପ୍ରେତ୍ୟାଭିଗଚ୍ଛନ୍ତି ଯେ କେ ଚାତ୍ମହନୋ ଜନାଃ ।। ୩।।

ଅନେଜଦେକଂ ମନସୋ ଜବୀୟୋ ନୈନଦ୍ଦେବା ଆପ୍ନୁବନ୍ପୂର୍ବମର୍ଷତ୍ ।
ତଦ୍ଧାବତୋଽନ୍ୟାନତ୍ୟେତି ତିଷ୍ଠତ୍ତସ୍ମିନ୍ନପୋ ମାତରିଶ୍ୱା ଦଧାତି ।। ୪।।

ତଦେଜତି ତନ୍ନୈଜତି ତଦ୍ଦୂରେ ତଦ୍ୱନ୍ତିକେ ।
ତଦନ୍ତରସ୍ୟ ସର୍ବସ୍ୟ ତଦୁ ସର୍ବସ୍ୟାସ୍ୟ ବାହ୍ୟତଃ ।। ୫।।

ଯସ୍ତୁ ସର୍ବାଣି ଭୂତାନ୍ୟାତ୍ମନ୍ୟେବାନୁପଶ୍ୟତି ।
ସର୍ବଭୂତେଷୁ ଚାତ୍ମାନଂ ତତୋ ନ ବିଜୁଗୁପ୍ସତେ ।। ୬।।

Not For Commercial Use

ଯସ୍ମିନ୍ସର୍ବାଣି ଭୂତାନ୍ୟାତ୍ମୈବାଭୂଦ୍ୱିଜାନତଃ |
ତତ୍ର କୋ ମୋହଃ କଃ ଶୋକ ଏକତ୍ୱମନୁପଶ୍ୟତଃ || ୭||

ସ ପର୍ୟ୍ୟଗାଚ୍ଛୁକ୍ରମକାୟମବ୍ରଣମସ୍ନାବିରଂ ଶୁଦ୍ଧମପାପବିଦ୍ଧମ୍ |
କବିର୍ମନୀଷୀ ପରିଭୂଃ ସ୍ୱୟଂଭୂର୍ୟାଥାତଥ୍ୟତୋଽର୍ଥାନ୍-ବ୍ୟଦଧାଚ୍ଛାଶ୍ୱତୀଭ୍ୟଃ ସମାଭ୍ୟଃ || ୮||

ଅନ୍ଧନ୍ତମଃ ପ୍ରବିଶନ୍ତି ୟେଽବିଦ୍ୟାମୁପାସତେ |
ତତୋ ଭୂୟ ଇବ ତେ ତମୋ ୟ ଉ ବିଦ୍ୟାୟାଂ ରତାଃ || ୯||

ଅନ୍ୟଦେବାହୁର୍ବିଦ୍ୟୟାଽନ୍ୟଦାହୁରବିଦ୍ୟୟା |
ଇତି ଶୁଶ୍ରୁମ ଧୀରାଣାଂ ୟେ ନସ୍ତଦ୍ୱିଚଚକ୍ଷିରେ || ୧୦||

ବିଦ୍ୟାଂ ଚାବିଦ୍ୟାଂ ଚ ୟସ୍ତଦ୍ୱେଦୋଭୟଂ ସ ହ |
ଅବିଦ୍ୟୟା ମୃତ୍ୟୁଂ ତୀର୍ତ୍ୱା ବିଦ୍ୟୟାମୃତମଶ୍ନୁତେ || ୧୧||

ଅନ୍ଧନ୍ତମଃ ପ୍ରବିଶନ୍ତି ୟେଽସଂଭୂତିମୁପାସତେ |
ତତୋ ଭୂୟ ଇବ ତେ ତମୋ ୟ ଉ ସଂଭୂତ୍ୟାଂରତାଃ || ୧୨||

ଅନ୍ୟଦେବାହୁଃ ସଂଭବାଦନ୍ୟଦାହୁରସଂଭବାତ୍ |
ଇତି ଶୁଶ୍ରୁମ ଧୀରାଣାଂ ୟେ ନସ୍ତଦ୍ୱିଚଚକ୍ଷିରେ || ୧୩||

ସଂଭୂତିଂ ଚ ବିନାଶଂ ଚ ୟସ୍ତଦ୍ୱେଦୋଭୟଂ ସହ |
ବିନାଶେନ ମୃତ୍ୟୁଂ ତୀର୍ତ୍ୱା ସଂଭୂତ୍ୟାଽମୃତମଶ୍ନୁତେ || ୧୪||

ହିରଣ୍ମୟେନ ପାତ୍ରେଣ ସତ୍ୟସ୍ୟାପିହିତଂ ମୁଖମ୍ |
ତତ୍ତ୍ୱଂ ପୂଷନ୍ନପାବୃଣୁ ସତ୍ୟଧର୍ମାୟ ଦୃଷ୍ଟୟେ || ୧୫||



Not For Commercial Use

ପୂଷନ୍ନେକର୍ଷେ ଯମ ସୂର୍ଯ୍ଯ ପ୍ରାଜାପତ୍ୟ ବ୍ୟୂହ ରଶ୍ମୀନ୍‌ସମୂହ |
ତେଜୋ ଯତ୍ତେ ରୂପଂ କଲ୍ୟାଣତମଂ ତତ୍ତେ ପଶ୍ୟାମି ଯୋଽସାବସୌ ପୁରୁଷଃ ସୋଽହମସ୍ମି || ୧୬||

ବାୟୁରନିଲମମୃତମଥେଦଂ ଭସ୍ମାନ୍ତଂ ଶରୀରମ୍ |
ଓଁ କ୍ରତୋ ସ୍ମର କୃତଂ ସ୍ମର କ୍ରତୋ ସ୍ମର କୃତଂ ସ୍ମର || ୧୭||

ଅଗ୍ନେ ନୟ ସୁପଥା ରାୟେ ଅସ୍ମାନ୍-ବିଶ୍ୱାନି ଦେବ ବୟୁନାନି ବିଦ୍ୱାନ୍ |
ଯୁୟୋଧ୍ୟସ୍ମଜ୍ଜୁହୁରାଣମେନୋ ଭୂୟିଷ୍ଠାଂ ତେ ନମ-ଉକ୍ତିଂ ବିଧେମ || ୧୮||

ଓଁ ପୂର୍ଣ୍ଣମଦଃ ପୂର୍ଣ୍ଣମିଦଂ ପୂର୍ଣ୍ଣାତ୍-ପୂର୍ଣ୍ଣମୁଦଚ୍ୟତେ |
ପୂର୍ଣ୍ଣସ୍ୟ ପୂର୍ଣ୍ଣମାଦାୟ ପୂର୍ଣ୍ଣମେବାବଶିଷ୍ୟତେ ||

ଓଁ ଶାନ୍ତିଃ ଶାନ୍ତିଃ ଶାନ୍ତିଃ ||

**|| ଇତି ବାଜସନେୟସଂହିତାୟାମ୍-ଇଶାବାସ୍ୟୋପନିଷତ୍-ସଂପୂର୍ଣ୍ଣା ||**

Not For Commercial Use